# ଜାତୀୟ ସ୍ତରର ପଲ୍ଲିଶ୍ରୀ ମେଳା ୨୦୨୩ ନିମନ୍ତେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ।

ଜାତୀୟ ସ୍ତରର ପଲ୍ଲିଶ୍ରୀ ମେଳା ୨୦୨୩ ନିମନ୍ତେ ଆଜି ଅପରାହ୍ଣରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଅତିରିକ୍ତ ଜିଲ୍ଲାପାଳ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ଉଦୟ କୁମାର ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା ପ୍ରଶାସନ ଓ ଓରମାସର ମିଳିତ ସହଯୋଗରେ ଆସନ୍ତା ସେପ୍ଟେମ୍ବର ମାସ ୧୬ ତାରିଖରୁ ୨୪ ତାରିଖ ପର୍ଯ୍ୟନ୍ତ ନାଲ୍‌କୋନଗର ଠାରେ ଅନୁଷ୍ଠିତ ହେବାକୁ ଥିବା ପଲ୍ଲିଶ୍ରୀ ମେଳାର ପୂର୍ବ ବର୍ଷର ବିବରଣୀ ଏବଂ ଏ ବର୍ଷ କାର୍ଯ୍ୟସୂଚୀ ସମ୍ପର୍କରେ ଓରମାସର କାର୍ଯ୍ୟନିର୍ବାହୀ ଅଧିକାରୀ ଶ୍ରୀ ସୌରଭମୟ ଦାସ ସୂଚନା ପ୍ରଦାନ କରିଥିଲେ । ଉକ୍ତ ମେଳାରେ ଜିଲ୍ଲା ଓ ରାଜ୍ୟ ସ୍ତରର ମୋଟ ୨୦୦ ଗୋଟି ଷ୍ଟଲ ବିଭିନ୍ନ ଅନୁଷ୍ଠାନକୁ ପ୍ରଦାନ କରାଯିବା ପାଇଁ ସ୍ଥିରିକୃତ ହୋଇଛି । ଏହି ମେଳାର ସମସ୍ତ ଆନୁସଙ୍ଗୀକ ବ୍ୟବସ୍ଥା ନିମନ୍ତେ ନାଲ୍‌କୋ କାର୍ଯ୍ୟ ନିର୍ବାହୀ ଅଧିକାରୀଙ୍କୁ ଦାୟିତ୍ୱ ଅର୍ପଣ କରାଯାଇଛି । ଏହି ମେଳାରେ ୯ ଦିନ ବ୍ୟାପି ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ । ପ୍ରବଳ ଜନ ସମାଗମକୁ ଦୃଷ୍ଟିରେ ରଖି ସଫାସୁତରା, ମହିଳାମାନଂକ ପାଇଁ ସ୍ୱତନ୍ତ୍ର ଶୌଚାଳୟର ବ୍ୟବସ୍ଥା, ବିଦ୍ୟୁତ୍, ପାନୀୟ ଜଳ, ଟ୍ରାଫିକ୍ କଣ୍ଟ୍ରୋଲ ,ଶାନ୍ତି ଶୃଖଳା ରକ୍ଷା ଏବଂ ସ୍ୱତନ୍ତ୍ର ନିମନ୍ତ୍ରିତ ଅତିଥିମାନଂକ ନିମନ୍ତେ ରହଣି ବ୍ୟବସ୍ଥା ଇତ୍ୟାଦି ଉପରେ ଗୁରୁତ୍ୱାରୋପ କରାଯାଇଛି । ପଲ୍ଲିଶ୍ରୀ ମେଳାକୁ ସଫଳ ରୂପାୟନ ନିମନ୍ତେ ଉପସ୍ଥିତ ସମସ୍ତ ବିଭାଗୀୟ ଅଧିକାରୀମାନେ ନିଜ ନିଜର ଦାୟିତ୍ୱ ସୁଚାରୁରୁପେ ସମ୍ପନ୍ନ କରିବା ପାଇଁ ଅତିରିକ୍ତ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ । ଉକ୍ତ ବୈଠକରେ ଅନ୍ୟମାନଂକ ମଧ୍ୟରେ ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବରନ୍ୟେନ୍ଦୁ ମହାନ୍ତି , ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ତଥା ଜିଲ୍ଲା ମିଶନ ନିର୍ଦ୍ଦେଶକ ଡା. ତ୍ରିଲୋଚନ ପ୍ରଧାନଙ୍କ ସମେତ ସମସ୍ତ ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ । ଶେଷରେ ଓରମାସର କାର୍ଯ୍ୟନିର୍ବାହୀ ଅଧିକାରୀ ଧନ୍ୟବାଦ ଅର୍ପଣ କରିଥିଲେ ।

